ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1348/25-02-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୫ ଫେବୃଆରୀ,୨୦୨୧

➤ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଭର୍ଚୁଆଲ୍ ମୋଡ୍‌ରେ ୫-'ଟି' ଉପକ୍ରମ ଅଧୀନରେ ମହିଳା ଓ ଶିଶୁ ବିକାଶ ଏବଂ ମିଶନ ଶକ୍ତି ବିଭାଗର ୫ଟି ନୂଆ ଅନ୍‌ଲାଇନ୍ ସେବାକୁ ଲୋକାର୍ପିତ କରିଛନ୍ତି । ଏହି ସେବାଗୁଡ଼ିକ ହେଉଛି ଇ-କଳିକା, ମୋ ଛତୁଆ ଆପ୍, ଇ-ମାନଦେୟ ପୋର୍ଟାଲ୍, ମମତା ଆପ୍ ଓ ମୋ ଶିଶୁ ପୋର୍ଟାଲ୍ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟ ସରକାର ଗତ ୨୦ ବର୍ଷ ଧରି ମହିଳାମାନଙ୍କର ସଶକ୍ତିକରଣ ଏବଂ ଶିଶୁମାନଙ୍କର କଲ୍ୟାଣକୁ ପ୍ରାଥମିକତା ଦେଇ କାର୍ଯ୍ୟ କରିଆସୁଛନ୍ତି ଏବଂ ଏଥିପାଇଁ ପଞ୍ଚାୟତ ଅନୁଷ୍ଠାନମାନଙ୍କରେ ମହିଳାମାନଙ୍କ ପାଇଁ ସଂରକ୍ଷଣଠାରୁ ଆରମ୍ଭ କରି ମିଶନ ଶକ୍ତି କାର୍ଯ୍ୟକ୍ରମ ଜରିଆରେ ୮୦ ଲକ୍ଷ ମହିଳାଙ୍କୁ ସଶକ୍ତ କରାଯାଇଛି । ସାରା ଦେଶରେ ଏ ପର୍ଯ୍ୟନ୍ତ କେବଳ ଓଡ଼ିଶାରେ ହିଁ ପୁଷ୍ଟି ବଜେଟ୍ କରାଯାଇଛି ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ ମା' ଓ ଶିଶୁମାନଙ୍କୁ ସବୁପ୍ରକାର ସେବା ଯୋଗାଇଦେବା ପାଇଁ ଅଙ୍ଗନବାଡ଼ିଠାରୁ ଆରମ୍ଭ କରି ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ, କ୍ରେଚ, କର୍ମଜୀବୀ ମହିଳାମାନଙ୍କ ପାଇଁ ହଷ୍ଟେଲ, ଅନାଥାଶ୍ରମ ଏବଂ ବିଭିନ୍ନ ଶିଶୁ ଯତ୍ନ ଅନୁଷ୍ଠାନମାନ କାର୍ଯ୍ୟ କରୁଛି । ଆଜି ଲୋକାର୍ପିତ ୫ଟି ଅନ୍‌ଲାଇନ୍ ସେବା, ପରିବର୍ତ୍ତିତ ପରିସ୍ଥିତିରେ ହିତାଧିକାରୀଙ୍କୁ ଗୁଣାତ୍ମକ ସେବା ଯୋଗାଇବାରେ ସଫଳ ହେବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମନ୍ତ୍ରୀ, ମହିଳା ଓ ଶିଶୁ ବିକାଶ ଶ୍ରୀମତୀ ଟୁକୁନି ସାହୁ, ବିଭାଗୀୟ ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଅନୁ ଗର୍ଗ ପ୍ରମୁଖ କାର୍ଯ୍ୟକ୍ରମରେ ଉପସ୍ଥିତ ଥିବାବେଳେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ କାର୍ଯ୍ୟକ୍ରମ ସଂଚାଳନ କରିଥିଲେ ।

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୨,୫୫,୦୮୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୬,୯୨୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୪, ୩୩୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୫ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୨୩ ରହିଛି ।
- ୬୨୩ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**